# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 1596 CUTTACK, TUESDAY, DECEMBER 22, 2020/PAUSA 1, 1942**


## ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ, ସୁନ୍ଦରଗଡ

## (ଭୂ-ଅର୍ଜନ ଉପବିଭାଗ)

ଘୋଷଣା

ତାରିଖ 24 ନଭେମ୍ବର 2020

ସଂଖ୍ୟା 1233—ସର୍ବସାଧାରଣଙ୍କ ଅବଗତି ନିମନ୍ତେ ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ (RFCTLAR & R Act, 2013)ର ଧାରା ୧୯ର ଅଧିନିୟମ (୧) ଅନୁଯାୟୀ ଏହି ଘୋଷଣାନାମା ଦିଆଯାଉଅଛି ଯେ ଉକ୍ତ ଆଇନର ଧାରା ୧୫(୨) ଅନୁସାରେ ଜିଲ୍ଲାପାଳଙ୍କ ଦ୍ୱାରା ପ୍ରଦତ୍ତ ରିପୋର୍ଟକୁ ବିବେଚନା କରି ରାଜ୍ୟ ସରକାରଙ୍କୁ ଏହି ଆଇନର ଧାରା ୨(୧) ପ୍ରକାରେ ପ୍ରତୀତ ହେଉଅଛି ଯେ ମୌଜା ଚୂଆବାହାଲ, ଥାନା ହେମଗିରି, ତହସିଲ ହେମଗିରି, ଜିଲ୍ଲା ସୁନ୍ଦରଗଡରେ ନିମ୍ନସୂଚିତ 'କ' ତଫସିଲ ଜମି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଯଥା ପ୍ରସ୍ତାବିତ ରେଳପଥ ଦର୍ଲିପାଲି ତାପଜ ବିଦ୍ୟୁତ ପ୍ରକଳ୍ପକୁ କୋଇଲା ପରିବହନ ନିମନ୍ତେ ରେଳପଥ ନିର୍ମାଣ ପ୍ରସ୍ତାବ ସନ୍ଦର୍ଭରେ ଭୂମି ଅଧିଗ୍ରହଣ ଆବଶ୍ୟକ ହେଉଅଛି ।

ଏହି ଭୂମି ଅଧିଗ୍ରହଣ ସମ୍ବନ୍ଧୀୟ ପ୍ରାରମ୍ଭିକ ବିଜ୍ଞପ୍ତି ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ (RFCTLAR & R Act, 2013)ର ଧାରା ୧୧(୧) ଅନୁଯାୟୀ ବିଜ୍ଞପ୍ତି ସଂଖ୍ୟା ୧୩୨୭, ତା ୨୫ ନଭେମ୍ବର ୨୦୧୯ରିଖରେ ପ୍ରକାଶିତ ହୋଇଅଛି ।

ପୁନଶ୍ଚ ଏହା ଘୋଷଣା କରାଯାଉଅଛି ଯେ ମୌଜା ଚୂଆବାହାଲ, ଥାନା ହେମଗିରି, ତହସିଲ ହେମଗିରି, ଜିଲ୍ଲା ସୁନ୍ଦରଗଡରେ କୌଣସି ବିସ୍ଥାପିତ ପରିବାର ନଥିବାରୁ ପୁନର୍ବାସ ଓ ଥଇଥାନ ନିମିତ୍ତ କୌଣସି ଜମି ଚିହ୍ନଟ ଓ ପୁନର୍ବାସ ଓ ଥଇଥାନ ଯୋଜନା ରୂପରେଖର ସାରମର୍ମ ସଂଲଗ୍ନ କରାଯାଇନାହିଁ ।

ଅନୁମୋଦିତ ପୁନର୍ବାସ ଓ ଥଇଥାନ ଯୋଜନା ଜିଲ୍ଲାପାଳ ଏବଂ ପୁନର୍ବାସ ଓ ଥଇଥାନ ପ୍ରଶାସନ କାର୍ଯ୍ୟାଳୟରେ ଉପଲବ୍ଧ ଅଟେ । ଏହା ମଧ୍ୟ ଜିଲ୍ଲା ୱେବ୍‌ସାଇଟ www.sundargarh.nic.in ରେ ଏବଂ ରାଜ୍ୟ ସରକାରଙ୍କ ୱେବ୍‌ସାଇଟ http://revenue.odisha.gov.inରେ ସର୍ବସାଧାରଣଙ୍କ ଅବଲୋକନ ପାଇଁ ଅପ୍‌ଲୋଡ କରାଯାଇଛି । ପୁନର୍ବାସ ଓ ଥଇଥାନ ଯୋଜନାର ଭୂମି ନକ୍ସା ଭୂ-ଅର୍ଜନ ଅଧିକାରୀଙ୍କ କାର୍ଯ୍ୟାଳୟରେ କାର୍ଯ୍ୟଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

### ତଫସିଲ-'କ'

(ପ୍ରସ୍ତାବିତ ଭୂମି ଅଧିଗ୍ରହଣ ଅନୁସୂଚୀ)

ଜିଲ୍ଲା : ସୁନ୍ଦରଗଡ — ତହସିଲ : ହେମଗିରି

| ଗ୍ରାମର ନାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | କିସମ | ପ୍ଲଟ୍‌ର ମୋଟ ରକବା | ଅଧିଗ୍ରହଣ ହେବାକୁ ଥିବା ଜମିର ରକବା | ରୟତଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ଚୂଆବାହାଲ | ଗ୍ରାମାଞ୍ଚଳ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ୧.୫୦ ଏକର | ଏଥିସହିତ ସଂଲଗ୍ନ |

**ତଫସିଲ–'ଖ'**

(ପୁନର୍ବାସ ନିମିତ୍ତ ଚିହ୍ନଟ ଭୂମି ଅନୁସୂଚୀ)

ଜିଲ୍ଲା : ସୁନ୍ଦରଗଡ ତହସିଲ : ହେମଗିରି

| ଗ୍ରାମର ନାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | କିସମ | ପ୍ଲଟ୍‌ର ମୋଟ ରକବା | ପୁନର୍ବାସ ନିମିତ୍ତ ଚିହ୍ନଟ ଜମିର ରକବା | ରୟତଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ପ୍ରଯୁଜ୍ୟ ନୁହେଁ | | | | | | | |

ଅଧିସୂଚନାର ବୈଧ ତାରିଖ – ୨୪-୧୧-୨୦୨୦

**ଭୂମି ଅନୁସୂଚୀ**

ଗ୍ରାମର ନାମ ଚୂଆବାହାଲ, ଥାନାର ନାମ ହେମଗିରି, ତହସିଲ ହେମଗିରି, ଜମି ଅଧିଗ୍ରହଣ କେସ୍ ନଂ. ୫୪/୨୦୧୮

| କ୍ରମିକ ନମ୍ବର | ଖାତା ନଂ. | ପ୍ଲଟ୍ ନଂ. | ପ୍ଲଟର ମୋଟ ରକବା | ଅଧିଗ୍ରହଣ ହେବାକୁ ଥିବା ଜମିର ରକବା | ରୟତଙ୍କ ନାମ |
|---|---|---|---|---|---|
| (୧) | (୨) | (୩) | (୪) | (୫) | (୬) |
| | | | ଏକର | ଏକର | |
| ୧ | ୧୪୫/୩୯ | ୯୩୮/୨୬୪୬ | ୨.୦୦ | ୧.୫୦ | ବୃନ୍ଦାବନ ମାଝି, ପି. ଶୋଭାରନ ମାଝି, ଜା. ଗଣ୍ଡ, ବା. ନିଜଗାଁ । |

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ନିଖିଲ୍ ପଓ୍ୱନ କଲ୍ୟାଣ**

ଜିଲ୍ଲାପାଳ, ସୁନ୍ଦରଗଡ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 1002–173+20